ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/COVID-19(OD)/ 1273/11-02-2021

# ପ୍ରେସ୍ ବିବୃତି

ଭୁବନେଶ୍ୱର :୧୧ଫେବୃଆରୀ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଆଜି ଭିଡ଼ିଓ କନ୍‌ଫରେନ୍ସ ଜରିଆରେ ହିଞ୍ଜିଳି ପୌରାଞ୍ଚଳରେ ୨୮ କୋଟି ଟଙ୍କାର ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପ ଉଦ୍‌ଘାଟନ କରିଛନ୍ତି । ରାଜ୍ୟ ସରକାର ଛୋଟ ଛୋଟ ସହରଗୁଡ଼ିକର ବିକାଶ ଉପରେ ଗୁରୁତ୍ୱ ଦେଇଛନ୍ତି ବୋଲି କହିବା ସହିତ ଆଧୁନିକ ସହରଗୁଡ଼ିକରେ ଉପଲବ୍ଧ ସମସ୍ତ ସୁବିଧା ହିଞ୍ଜିଳିବାସୀଙ୍କୁ ଯୋଗାଇ ଦିଆଯିବ ବୋଲି ପ୍ରତିଶ୍ରୁତି ଦେଇଛନ୍ତି ।

  - ମାନ୍ୟବର ମୁଖ୍ୟମନ୍ତ୍ରୀ ଶିକ୍ଷାକୁ ପରିବର୍ତ୍ତନର ଚାବିକାଠି ଓ ପ୍ରକୃତ ସଶକ୍ତିକରଣ ବୋଲି ବର୍ଣ୍ଣନା କରିଛନ୍ତି । ହିଞ୍ଜିଳିକୁ ଶିକ୍ଷାକ୍ଷେତ୍ରରେ ଏକ ଆଗୁଆ ଅଞ୍ଚଳ ଭାବେ ବିକଶିତ କରିବା ତାଙ୍କର ଲକ୍ଷ୍ୟ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ପ୍ରକାଶ କରିଛନ୍ତି ।

  - ମାନ୍ୟବର ମୁଖ୍ୟମନ୍ତ୍ରୀ କୋଭିଡ୍ ଯୁଦ୍ଧରେ ଗଞ୍ଜାମବାସୀଙ୍କ ଭୂମିକାକୁ ପ୍ରଶଂସା କରି କହିଛନ୍ତି ଯେ ସେହି ଲଢ଼େଇ ସାରା ବିଶ୍ୱ ଦେଖିଛି । ସେ ମଧ୍ୟ ହିଞ୍ଜିଳିର ବିକାଶ ଉପରେ ନଜର ରଖିଛନ୍ତି ବୋଲି ପ୍ରକାଶ କରିଛନ୍ତି ।

  - ମାନ୍ୟବର ସାଂସଦ ଶ୍ରୀମତୀ ପ୍ରମିଳା ବିଷୋୟୀ, ମାନ୍ୟବର ବିଧାୟକ, ପୋଲସରା ଶ୍ରୀ ଶ୍ରୀକାନ୍ତ ସାହୁ, ମୁଖ୍ୟ ଶାସନ ସଚିବ ଶ୍ରୀ ସୁରେଶ ଚନ୍ଦ୍ର ମହାପାତ୍ର, ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଶ୍ରୀ ପି.କେ. ମହାପାତ୍ର, ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ ପ୍ରମୁଖ ଶାସନ ସଚିବ ଶ୍ରୀ ଜି. ମାଥିଭାଥନନ ଓ ଗଞ୍ଜାମ ଜିଲ୍ଲାପାଳ କାର୍ଯ୍ୟକ୍ରମରେ ଉପସ୍ଥିତ ଥିବାବେଳେ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ସଚିବ (୫–'ଟି') ଶ୍ରୀ ଭି.କେ. ପାଣ୍ଡିଆନ୍ ଏହା ସଂଚାଳନ କରିଥିଲେ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଆନ୍ତର୍ଜାତିକ ବିଜ୍ଞାନରେ ମହିଳା ଓ ବାଳିକା ଦିବସ ଅବସରରେ ଭାରତୀୟ ମହିଳା ବୈଜ୍ଞାନିକମାନଙ୍କ ଅତୁଳନୀୟ ଅବଦାନକୁ ପ୍ରଶଂସା କରିବାକୁ ଆହ୍ୱାନ ଦେଇଛନ୍ତି । ମହିଳା ଓ ବାଳିକାମାନଙ୍କ ପାଇଁ ଉତ୍ତମ ଶିକ୍ଷାର୍ଜନ କ୍ଷେତ୍ରରେ ରହିଥିବା ସମସ୍ତ ପ୍ରତିବନ୍ଧକକୁ ହଟାଇ ସେମାନଙ୍କ ପ୍ରକୃତ ପ୍ରତିଭାର ଉପଲବ୍ଧି ନିମନ୍ତେ ରାଜ୍ୟ ସରକାର ପ୍ରତିଶ୍ରୁତିବଦ୍ଧ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ରାଜ୍ୟରେ ଏକ ଲକ୍ଷ କ୍ୱିଣ୍ଟାଲରୁ ଅଧିକ ମାଣ୍ଡିଆ ସଂଗ୍ରହ ହୋଇଥିବାରୁ 'ମିଲେଟ୍ ଓଡ଼ିଶା'କୁ ଅଭିନନ୍ଦନ ଜଣାଇଛନ୍ତି । କୃଷକମାନଙ୍କର ଆୟ ବୃଦ୍ଧି ସହ ପରିବାରମାନଙ୍କରେ ପୁଷ୍ଟିକର ଶସ୍ୟର ଉପଯୋଗ ବଢ଼ାଇବା ଉଦ୍ଦେଶ୍ୟରେ ରାଜ୍ୟ ସରକାର ଏକ ବିଶେଷ ଲକ୍ଷ୍ୟ ନେଇ କାର୍ଯ୍ୟ କରୁଛନ୍ତି ବୋଲି ସେ କହିଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୭୯,୫୫,୯୧୭ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୫,୯୮୪ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୩,୨୨୦ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୦ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୮୦୧ ରହିଛି ।
- ୮୦୧ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**